# The Orissa Gazette

**EXTRAORDINARY**

**PUBLISHED BY AUTHORITY**

**No. 766 CUTTACK, TUESDAY, MAY 10, 2005 / BAISAKHA 20, 1927**

## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 29 ଅପ୍ରେଲ 2005

ସଂଖ୍ୟା 17847—ଏଲ୍.ଏ.(ଏ)-53/2004-ଭଦ୍ରକ-ରା.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ଶ୍ରୀଗଙ୍ଗା କ୍ଷୁଦ୍ର ଜଳସେଚନ ପ୍ରକଳ୍ପ ନିର୍ମାଣ ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ଗୋହିରାପଡ଼ା, ଥାନା ଧାମନଗର, ଜିଲ୍ଲା ଭଦ୍ରକରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 1.32 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 39291-ରା., ତା 7 ଅକ୍ଟୋବର 2004ରିଖ ଓ ରାଜପତ୍ର ସଂଖ୍ୟା 1474, ତା 5 ନଭେମ୍ବର 2004 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍‌ସା, ଜିଲ୍ଲାପାଳ, ଭଦ୍ରକଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ

---

Printed and Published by the Director, Printing, Stationery and Publication, Orissa, Cuttack-10
Ex. Gaz. 226–193+20